# REGIONAL NEWS UNIT, AIR CUTTACK

## Evening Bulletin (6.45 PM)

### 2 August – 2026

**************************************

## ମୁଖ୍ୟ ସମ୍ବାଦ

- ବିକଶିତ ଭାରତ ଗଠନ ପାଇଁ ଯୁବପିଢ଼ି ଶାରୀରିକ ଭାବେ ସୁସ୍ଥ ଏବଂ ମାନସିକ ଭାବେ ସୁଦୃଢ଼ ଥିବା ଆବଶ୍ୟକ; କହିଲେ ପ୍ରଧାନମନ୍ତ୍ରୀ

– ନିଶାମୁକ୍ତ ଯୁବ– ବିକଶିତ ଭାରତ ସଂକଳ୍ପ ଅଭିଯାନର କଲେ ଶୁଭାରମ୍ଭ

- ଆସନ୍ତାକାଲିଠାରୁ ଓଡ଼ିଶା ଗସ୍ତରେ ଆସିବେ ରାଷ୍ଟ୍ରପତି

- ରାଜ୍ୟରେ ବନ୍ୟା ପରିସ୍ଥିତିରେ ସୁଧାର; ୨୩ଟି ଜିଲ୍ଲାରେ ବର୍ଷା ହେବା ନେଇ ପାଣିପାଗ କେନ୍ଦ୍ରର ସତର୍କ ସୂଚନା

ଏବଂ

- ଆସନ୍ତାକାଲି ଶ୍ରାବଣ ମାସର ପ୍ରଥମ ସୋମବାର; ଶ୍ରଦ୍ଧାଳୁଙ୍କ ଭିଡ଼କୁ ଦୃଷ୍ଟିରେ ରଖି ପ୍ରଶାସନ ପକ୍ଷରୁ ସ୍ୱତନ୍ତ୍ର ବ୍ୟବସ୍ଥା

Desk

# ନିଶାମୁକ୍ତ ଯୁବ କାର୍ଯ୍ୟକ୍ରମ

ଦେଶ ବିକଶିତ ଭାରତ ଆଡ଼କୁ ଅଗ୍ରସର ହେଉଥିବା ବେଳେ ଦେଶର ଯୁବପିଢ଼ି ଶାରୀରିକ ଭାବେ ସୁସ୍ଥ, ମାନସିକ ଭାବେ ସୁଦୃଢ଼ ଏବଂ ଆତ୍ମବିଶ୍ୱାସରେ ପରିପୂର୍ଣ୍ଣ ଥିବା ଆବଶ୍ୟକ ବୋଲି ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ କହିଛନ୍ତି। ନୂଆଦିଲ୍ଲୀରେ ଆଜି ଆଭାସୀ ମାଧ୍ୟମରେ ବିକଶିତ ଭାରତ ସଂକଳ୍ପ ଅଭିଯାନରେ 'ନିଶାମୁକ୍ତ ଯୁବ' କାର୍ଯ୍ୟକ୍ରମ ଶୁଭାରମ୍ଭ ଅବସରରେ ଶ୍ରୀ ମୋଦୀ ଜନସାଧାରଣଙ୍କୁ ନିଶାଠାରୁ ଦୂରେଇ ରହିବା ସହ ସୁସ୍ଥ ଜୀବନଶୈଳୀ ଆପଣାଇବା ପାଇଁ ପରାମର୍ଶ ଦେଇଛନ୍ତି।

**- V/O -**

ପ୍ରଧାନମନ୍ତ୍ରୀ କହିଛନ୍ତି, ନିଶା ଲୋକଙ୍କୁ ସେମାନଙ୍କ ଲକ୍ଷ୍ୟଠାରୁ ଦୂରେଇ ଦେଇଥାଏ। ଏହା କେବଳ ଗୋଟିଏ ପରିବାରକୁ ନଷ୍ଟ କରେନାହିଁ ବରଂ ଦେଶର ଶକ୍ତିକୁ ମଧ୍ୟ ଦୁର୍ବଳ କରିଦିଏ। ୧୦୦ ସପ୍ତାହ ବ୍ୟାପୀ ଏହି ଜନଭାଗିଦାରୀ କାର୍ଯ୍ୟକ୍ରମ ମାଧ୍ୟମରେ ନିଶାର କୁପ୍ରଭାବ ସମ୍ପର୍କରେ ସଚେତନତା ସୃଷ୍ଟି କରାଯିବ।

ଭୁବନେଶ୍ୱର କଳିଙ୍ଗ ଷ୍ଟାଡିୟମ୍‌ରେ କାର୍ଯ୍ୟକ୍ରମର ଶୁଭାରମ୍ଭ ଅବସରରେ ରାଜ୍ୟପାଳ ଡକ୍ଟର ହରିବାବୁ କମ୍ଭମପାଟି ଯୁବପିଢ଼ିଙ୍କୁ ନିଶାମୁକ୍ତ ସମାଜ ଗଠନ ପାଇଁ ଆହ୍ୱାନ ଦେଇଥିଲେ।

ମୁଖ୍ୟମନ୍ତ୍ରୀ ମୋହନ ମୋହନ ଚରଣ ମାଝୀ କହିଥିଲେ । ଆସନ୍ତା ଦୁଇ ବର୍ଷ ପର୍ଯ୍ୟନ୍ତ ଚାଲିବାକୁ ଥିବା ଏହି ସଚେତନତା କାର୍ଯ୍ୟକ୍ରମ ଏକ ବ୍ୟାପକ ସମାଜିକ ଜନଆନ୍ଦୋଳନ । ରାଜ୍ୟ ସରକାର ନିଶାଦ୍ରବ୍ୟର ବେଆଇନ କାରବାର ବିରୁଦ୍ଧରେ ଶୂନ୍ୟ ସହନଶୀଳତା ନୀତି ଆପଣାଇଛନ୍ତି । କେବଳ ଆଇନଗତ କାର୍ଯ୍ୟାନୁଷ୍ଠାନ ନୁହେଁ ବରଂ ନିଶା ପିଡ଼ିତଙ୍କ ପୁନରୁଦ୍ଧାର ଓ ପୁର୍ନବାସ ପାଇଁ ଚିକିତ୍ସା କେନ୍ଦ୍ରଗୁଡ଼ିକୁ ମଧ୍ୟ ସୁଦୃଢ଼ କରାଯାଉଛି ବୋଲି ଶ୍ରୀ ମାଝୀ କହିଛନ୍ତି ।

**- V/O -**

ରାଜ୍ୟର ୪୫୩ଟି ନିର୍ଦ୍ଦିଷ୍ଟ କେନ୍ଦ୍ରରେ କାର୍ଯ୍ୟକ୍ରମର ସିଧାପ୍ରସାରଣ କରାଯାଇଥିଲା ।

Baragada/Jajpur

## ଜିଲ୍ଲା–ନିଶାମୁକ୍ତ ଯୁବଭାରତ

ଯାଜପୁର ଜିଲ୍ଲା ବ୍ୟାସନଗରସ୍ଥିତ ଭି.ଏନ୍.ସ୍ୱୟଂଶାସିତ ମହାବିଦ୍ୟାଳୟଠାରେ ନିଶାମୁକ୍ତ ଯୁବଭାରତ ସଂକଳ୍ପ ଅଭିଯାନ ଆୟୋଜିତ ହୋଇଯାଇଛି । କାର୍ଯ୍ୟକ୍ରମରେ ଜିଲ୍ଲାର ବିଭିନ୍ନ ସ୍ଥାନରୁ ଆସିଥିବା ଯୁବବର୍ଗ ଓ ଛାତ୍ରଛାତ୍ରୀ' ପ୍ରଧାନମନ୍ତ୍ରୀଙ୍କ ସମ୍ବୋଧନ ଶୁଣିଥିଲେ । ଯୁବ ସମାଜକୁ ନିଶାଦ୍ରବ୍ୟର କୁପ୍ରଭାବ ବିଷୟରେ ସଚେତନ କରିବା ଓ ବିକଶିତ ଭାରତ–୨୦୪୭ର ସ୍ୱପ୍ନକୁ ସାକାର କରିବାରେ ଛାତ୍ରଛାତ୍ରୀଙ୍କର ସକ୍ରିୟ ଭାଗିଦାରୀକୁ କାର୍ଯ୍ୟକ୍ରମ ମାଧ୍ୟମରେ ଉତ୍ସାହିତ କରାଯାଇଛି ।

ବରଗଡ଼ଠାରେ ନିଶାମୁକ୍ତ ଯୁବଭାରତ ସଂକଳ୍ପ ଅଭିଯାନ ଅନୁଷ୍ଠିତ ହୋଇଯାଇଛି। ଆୟୋଜିତ କାର୍ଯ୍ୟକ୍ରମରେ ଯୁବପିଢ଼ିଙ୍କୁ ନିଶାସେବନର କୁପ୍ରଭାବ ସମ୍ପର୍କରେ ବକ୍ତାମାନେ ସଚେତନ କରିବା ସହ ଏକ ନିଶାମୁକ୍ତ ସମାଜ ଗଠନ ପାଇଁ ସଂକଳ୍ପବଦ୍ଧ ହେବାକୁ ଆହ୍ୱାନ ଦିଆଯାଇଥିଲା।

Ganjam/Desk

## ରାଷ୍ଟ୍ରପତିଙ୍କ ଓଡ଼ିଶା ଗସ୍ତ

ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ଆସନ୍ତାକାଲିଠାରୁ ୫ ତାରିଖ ପର୍ଯ୍ୟନ୍ତ ଓଡ଼ିଶା ଗସ୍ତରେ ଆସିବେ। କଟକସ୍ଥିତ ଜଗତଗୁରୁ କୃପାଳୁ ବିଶ୍ୱବିଦ୍ୟାଳୟର ଉଦ୍‌ଘାଟନୀ ଉତ୍ସବରେ ଆସନ୍ତାକାଲି ଯୋଗଦେବାର କାର୍ଯ୍ୟସୂଚୀ ରହିଛି। ମଙ୍ଗଳବାର ରାଷ୍ଟ୍ରପତି ଭୁବନେଶ୍ୱରରୁ ପୂର୍ବାହ୍ନରେ ବ୍ରହ୍ମପୁର ପର୍ଯ୍ୟନ୍ତ ଟ୍ରେନ୍‌ରେ ଯାତ୍ରା କରିବେ ଏବଂ ବ୍ରହ୍ମପୁର ତପ୍ତପାଣିଠାରେ ମା’ କନ୍ଧୁଣିଦେବୀ ମନ୍ଦିର ଓ ଶିବ ମନ୍ଦିରରେ ପୂଜାର୍ଚ୍ଚନା କରିବେ। ରାଷ୍ଟ୍ରପତିଙ୍କ ଗସ୍ତକୁ ଦୃଷ୍ଟିରେ ରଖି ଭୁବନେଶ୍ୱର, କଟକ ଏବଂ ବ୍ରହ୍ମପୁରରେ ବ୍ୟାପକ ସୁରକ୍ଷା ବ୍ୟବସ୍ଥା ଗ୍ରହଣ କରାଯାଇଛି। ରାଜ୍ୟପାଳ ଡକ୍ଟର ହରିବାବୁ କମ୍ଭମପାଟି, ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ରାଷ୍ଟ୍ରପତିଙ୍କ ସହ ବିଭିନ୍ନ କାର୍ଯ୍ୟକ୍ରମରେ ଯୋଗଦେବେ ବୋଲି ସୂଚନା ମିଳିଛି।

Desk

## ବିହାର କ୍ରୀଡ଼ା ମନ୍ତ୍ରୀ ଓଡ଼ିଶା ଗସ୍ତ

କ୍ରୀଡ଼ା କ୍ଷେତ୍ରରେ ଓଡ଼ିଶା ଏବଂ ବିହାର ମିଳିମିଶି କାର୍ଯ୍ୟ କରିବେ ବୋଲି ବିହାର କ୍ରୀଡ଼ା ମନ୍ତ୍ରୀ ସୁଶ୍ରୀ ଶ୍ରେୟସୀ ସିଂହ କହିଛନ୍ତି। ଭୁବନେଶ୍ୱରଠାରେ କ୍ରୀଡ଼ା ଓ ଯୁବ ବ୍ୟାପାର ମନ୍ତ୍ରୀ ସୂର୍ଯ୍ୟବଂଶୀ ସୁରଜଙ୍କ ସହ ଚାରିଦିନିଆ ଓଡ଼ିଶା ଗସ୍ତରେ ଆସି ସୁଶ୍ରୀ ସିଂହ' ଏକ ଉଚ୍ଚସ୍ତରୀୟ ସମୀକ୍ଷା ବୈଠକରେ ଆଲୋଚନା କରିଥିଲେ। ଦୁଇ ରାଜ୍ୟ ମଧ୍ୟରେ କ୍ରୀଡ଼ା କ୍ଷେତ୍ରରେ ସହଯୋଗ, ଖେଳାଳିଙ୍କ ଆଦାନ ପ୍ରଦାନ, କ୍ରୀଡ଼ା ବିଜ୍ଞାନର ବ୍ୟବାହର ଏବଂ ତୃଣମୂଳସ୍ତରରେ ନୂତନ ପ୍ରତିଭା ଚୟନ ଉପରେ ବୈଠକରେ ଗୁରୁତ୍ୱ ଦିଆଯାଇଥିଲା। କ୍ରୀଡ଼ାରେ କ୍ଷେତ୍ରରେ ଓଡ଼ିଶାର ଉଲ୍ଲେଖନୀୟ ଅଗ୍ରଗତି ସମଗ୍ର ଦେଶ ପାଇଁ ଏକ ପ୍ରେରଣା ବୋଲି ସୁଶ୍ରୀ ସିଂହ କହିଛନ୍ତି।

Desk

## ବନ୍ୟା-୧

ରାଜ୍ୟରେ ଧୀରେ ଧୀରେ ବନ୍ୟା ସ୍ଥିତି ସୁଧୁରିବାରେ ଲାଗିଛି। ମହାନଦୀର ଜଳସ୍ତର ହ୍ରାସ ପାଉଥିବାବେଳେ ତଳିଆ ଅଂଚଳରେ ଜଳପ୍ରବାହ କମିଛି। ବନ୍ୟା ଯୋଗୁଁ ୨୨ରୁ ଊର୍ଦ୍ଧ୍ୱ ଜିଲ୍ଲା ପ୍ରଭାବିତ ହୋଇଛି ବୋଲି ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ସୁରେଶ ପୂଜାରୀ କହିଛନ୍ତି। ବନ୍ୟା ସମୟରେ ବହୁ ଘର ଏବଂ ଫସଲ କ୍ଷୟକ୍ଷତି ହୋଇଥିବା ରିପୋର୍ଟ ସାମ୍ନାକୁ ଆସୁଛି। ଏହାର ଆକଳନ ପାଇଁ ମାନବୀୟ ଦୃଷ୍ଟିକୋଣରୁ ତଥା ସମ୍ବେଦନଶୀଳ ହୋଇ ଜିଲ୍ଲାପାଳମାନଙ୍କୁ ନିର୍ଦ୍ଦେଶ ଦିଆଯାଇଛି। ମନ୍ତ୍ରୀ କହିଛନ୍ତି, କ୍ଷତିଗ୍ରସ୍ତ ସ୍ଥାନଗୁଡ଼ିକରେ ବିଦ୍ୟୁତ ସରବରାହ, ସଡ଼କ

ମରାମତି, ଘାଇ ମରାମତି ଆଦି ପାଇଁ ବିଭିନ୍ନ ବିଭାଗ ସମନ୍ୱୟ ରକ୍ଷା କରି ପୁନରୁଦ୍ଧାର କାର୍ଯ୍ୟ ଜାରି ରଖିଛନ୍ତି ବୋଲି ମନ୍ତ୍ରୀ କହିଛନ୍ତି।

ଜଳ ସମ୍ପଦ ବିଭାଗର ସର୍ବୋଚ୍ଚ ଯନ୍ତ୍ରୀ ଦିଲ୍ଲୀପ ରାଉତ କହିଛନ୍ତି, ମହାନଦୀ କିମ୍ବା ଅନ୍ୟ ନଦୀରେ ବର୍ତ୍ତମାନ ବନ୍ୟା ଆଶଙ୍କା ନାହିଁ। ପରିସ୍ଥିତି ସ୍ୱାଭାବିକ ହେବାରେ ଲାଗିଛି ବୋଲି ଶ୍ରୀ ରାଉତ କହିଛନ୍ତି। **- V/O -**

ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ରର ସୂଚନା ଅନୁସାରେ, ରାଜ୍ୟରେ ଆଉ ୭ ଦିନ ପର୍ଯ୍ୟନ୍ତ ବର୍ଷା ହେବାର ସମ୍ଭାବନା ରହିଛି। ଆସନ୍ତା ୨୪ ଘଣ୍ଟା ମଧ୍ୟରେ ବିଜୁଳି ଘଡ଼ଘଡ଼ି ସହ ବର୍ଷା ହେବା ନେଇ ୨୩ଟି ଜିଲ୍ଲାକୁ ସତର୍କ ସୂଚନା ଜାରି କରାଯାଇଛି।

Kendrapada/Bhadrak

## ଜିଲ୍ଲା–ବନ୍ୟା ଆକଳନ

ଭଦ୍ରକ ଜିଲ୍ଲା ସାଳନ୍ଦୀ ଓ ବୈତରଣୀ ନଦୀ ବନ୍ୟାରେ ୬ଟି ବ୍ଲକରେ ପ୍ରାୟ ୫ ଲକ୍ଷରୁ ଊର୍ଦ୍ଧ୍ୱ ଲୋକ ପ୍ରଭାବିତ ହୋଇଥିବା ଜିଲ୍ଲା ପ୍ରଶାସନ ପକ୍ଷରୁ ପ୍ରାଥମିକ ଆକଳନ କରାଯାଇଛି। ପ୍ରଶାସନ ପକ୍ଷରୁ ରିଲିଫ କାର୍ଯ୍ୟ, ପାନୀୟ ଜଳ, ସ୍ୱାସ୍ଥ୍ୟସେବା ସହିତ ସମସ୍ତ ପ୍ରକାର ଆନୁଷଙ୍ଗିକ ବ୍ୟବସ୍ଥା କରାଯାଇଛି।

କେନ୍ଦ୍ରାପଡ଼ା ଜିଲ୍ଲା ପ୍ରଶାସନ ପକ୍ଷରୁ ପ୍ରଭାବିତ ଅଞ୍ଚଳରେ ରିଲିଫ ଓ ପୁନର୍ବାସ କାର୍ଯ୍ୟକୁ ତ୍ୱରାନ୍ୱିତ କରାଯାଇଛି। ପ୍ରଭାବିତ ଲୋକଙ୍କ ନିକଟରେ ଜିଲ୍ଲା ପ୍ରଶାସନ ପକ୍ଷରୁ ସମସ୍ତ ପ୍ରକାର ସହାୟତା ଯୋଗାଇ ଦିଆଯାଇଛି।

ଜିଲ୍ଲାର ୯ଟି ବ୍ଲକରେ ୮୫ଟି ଗ୍ରାମ ପଞ୍ଚାୟତର ବିଭିନ୍ନ ସ୍ଥାନ ବନ୍ୟା ପ୍ରଭାବରେ ରହିଛି। ଗ୍ରାମାଞ୍ଚଳରେ ପଶୁ ସମ୍ପଦର ସୁରକ୍ଷାକୁ ଗୁରୁତ୍ୱ ଦେଇ ଗରଦପୁର ବ୍ଲକର ସାନନୟନପୁର ଗ୍ରାମରେ ସବୁଜ ପଶୁ ଖାଦ୍ୟ ବଣ୍ଟନ କରାଯାଇଛି। ବନ୍ୟା ପ୍ରଭାବିତ ଲୋକଙ୍କୁ ମାଗଣା ରନ୍ଧା ଖାଦ୍ୟ ଯୋଗାଇ ଦିଆଯାଉଛି। ଉଦ୍ଧାର କାର୍ଯ୍ୟକୁ ଆହୁରି ତ୍ୱରାନ୍ୱିତ କରିବା ପାଇଁ ତିନୋଟି ଏସ୍.ଆର୍.ସି. ପାୱାର ବୋଟ୍, ୮୧ଟି ଦେଶୀ ଡଙ୍ଗା ଓ ୧୫ଟି ଯାନ୍ତ୍ରିକ ଡଙ୍ଗା ନିୟୋଜିତ ହୋଇଛି।

Desk

## ଜଳାଭିଷେକ

ଆସନ୍ତାକାଲି ଶ୍ରାବଣ ମାସର ପ୍ରଥମ ସୋମବାର। ଏହି ଅବସରରେ ରାଜ୍ୟର ଶୈବପୀଠ ଗୁଡ଼ିକରେ ସ୍ୱତନ୍ତ୍ର ବ୍ୟବସ୍ଥା କରାଯାଇଛି। କଟକ ଗଡ଼ଗଡ଼ିଆ ଘାଟରେ ଜଳଲାଗି ପାଇଁ କାଉଡ଼ିଆଙ୍କ ଭିଡ଼ ପରିଲକ୍ଷିତ ହୋଇଛି। ଭୁବନେଶ୍ୱର ଲିଙ୍ଗରାଜ ମନ୍ଦିର, ଭଦ୍ରକର ଆଖଣ୍ଡଳମଣି, ନୟାଗଡ଼ ଲଡୁବାବା ପୀଠ,  ଢେଙ୍କାନାଳର କପିଳାସ ପୀଠ, କଟକର ବାବା ଧବଳେଶ୍ୱରଙ୍କ ପୀଠ, ପୁରୀ ଲୋକନାଥ ମନ୍ଦିର, ବାଲେଶ୍ୱରର ବାବା ପଞ୍ଚମହାଲିଙ୍ଗେଶ୍ୱର, କୋରାପୁଟର ଗୁପ୍ତେଶ୍ୱର ଆଦି ପୀଠଗୁଡ଼ିକରେ ଶ୍ରଦ୍ଧାଳୁଙ୍କ ଭିଡ଼କୁ ଦୃଷ୍ଟିରେ ରଖି ସୁରକ୍ଷା ବ୍ୟବସ୍ଥାକୁ କଡ଼ାକଡ଼ି କରାଯାଇଛି।

Nuapada

## ସଚେତନତା ଶିବିର

ନୂଆପଡ଼ା ଜିଲ୍ଲା ଆଇନସେବା ପ୍ରାଧିକରଣ ଆନୁକୂଲ୍ୟରେ କୋଟେଞ୍ଚୁଆ ସରକାରୀ ଉଚ୍ଚବିଦ୍ୟାଳୟଠାରେ କାର୍ଯ୍ୟକ୍ଷେତ୍ରରେ ମହିଳାଙ୍କ ଯୌନ ଉତ୍ପୀଡ଼ନ ନିରାକରଣ, ଅନୁସୂଚିତ ଜାତି ଓ ଜନଜାତି, ଆଇନ ସମ୍ବନ୍ଧୀୟ ସଚେତନତା ଶିବିର ଅନୁଷ୍ଠିତ ହୋଇଯାଇଛି। ପ୍ରାଧିକରଣର ସଚିବ ନବନିତା ଦାସ କାର୍ଯ୍ୟକ୍ରମରେ ଯୋଗଦେଇ ଆଇନର ସଫଳତା ସମ୍ପର୍କରେ ଆଲୋଚନା କରିଥିଲେ।

Kandhamal

## ଅଭିଯୋଗ ଶୁଣାଣି ଶିବିର

କନ୍ଧମାଳ ଜିଲ୍ଲାରେ ମିଳିତ ଯୁଗ୍ମ ଜନ ଅଭିଯୋଗ ଶୁଣାଣି ଶିବିର ଅନୁଷ୍ଠିତ ହୋଇଯାଇଛି। ସାଂସଦ ସୁକାନ୍ତ ପାଣିଗ୍ରାହୀ, ବିଧାୟକ, ଜିଲ୍ଲାପାଳ ପ୍ରମୁଖ ଉପସ୍ଥିତ ରହି ଜନସାଧାରଣଙ୍କର ବିଭିନ୍ନ ଅଭିଯୋଗର ସମାଧାନ କରିଥିଲେ। ଶିବିରରେ ୧୯୬ଟି ଅଭିଯୋଗର ଶୁଣାଣି ହୋଇଥିଲା।

Ganjam

## ଦକ୍ଷତା ବିକାଶ କାର୍ଯ୍ୟକ୍ରମ

ଗଞ୍ଜାମ ଜିଲ୍ଲା ଆସିକା ମହାବିଦ୍ୟାଳୟ ପରିସରରେ ଦକ୍ଷତା ବିକାଶ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମରେ ଛାତ୍ରଛାତ୍ରୀଙ୍କୁ ଦକ୍ଷତାର ନମୁନା, ପରୀକ୍ଷଣ ଓ ପ୍ରସାରଣ ଉପରେ ଅବଗତ କରାଯାଇଥିଲା।

Desk

## ରେଳମଣ୍ଡଳ

ରାୟଗଡ଼ା ରେଳମଣ୍ଡଳର ମଣ୍ଡଳ ରେଳ ପ୍ରବନ୍ଧକ ଅମିତାଭ ସିଂଘଲ' ବାଗଚେଲି–ଜୟପୁର ରେଳ ସେକସନ୍ ବୁଲି ଦେଖିଛନ୍ତି। ଏହାସହ ବଦେଆରପୁର, ଜଗଦଲପୁର, ଜୟପୁରଠାରେ ନିର୍ମାଣାଧୀନ ମାଲଗୋଦାମ କାର୍ଯ୍ୟର ଅଗ୍ରଗତି ସମୀକ୍ଷା କରିଛନ୍ତି। ଶ୍ରୀ ସିଂଘଲ ଅବଶିଷ୍ଟ କାର୍ଯ୍ୟଗୁଡ଼ିକୁ ତ୍ୱରାନ୍ୱିତ କରି ଶୀଘ୍ର ସମାପ୍ତ କରିବାକୁ ବରିଷ୍ଠ ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି।

Desk

## ରାଜ୍ୟଗୋଷ୍ଠୀ କ୍ରୀଡ଼ା

ଗ୍ଲାସଗୋଠାରେ ଚାଲିଥିବା ରାଜ୍ୟଗୋଷ୍ଠୀ କ୍ରୀଡ଼ା ପ୍ରତିଯୋଗିତାରେ ଭାରତର ପଦକ ସଂଖ୍ୟା ୩୯ରେ ପହଁଞ୍ଚିଛି। ଏଥିରେ ୧୩ଟି ସ୍ୱର୍ଣ୍ଣ, ୧୭ଟି ରୌପ୍ୟ ଓ ୯ଟି କାଂସ୍ୟ ପଦକ ରହିଛି। ଭାରତର ମୁଷ୍ଟିଯୋଦ୍ଧାମାନେ ୭ଟି ସ୍ୱର୍ଣ୍ଣ ଓ ୩ଟି ରୌପ୍ୟ ପଦକ ଜିତିଛନ୍ତି। ପାରା କ୍ରୀଡ଼ା ପ୍ରତିଯୋଗିତାରେ ଭାରତକୁ ଏ ପର୍ଯ୍ୟନ୍ତ ୭ଟି ପଦକ ମିଳିଛି। ଏଥିମଧ୍ୟରେ ୩ଟି ସ୍ୱର୍ଣ୍ଣ, ୨ଟି ରୌପ୍ୟ ଓ ୨ଟି କାଂସ୍ୟ ପଦକ ମିଳିଛି।